ସୂଚନା ଓ ଲୋକ ସଂପର୍କ ବିଭାଗ
Information & Public Relations Department
Government of Odisha, Bhubaneswar-751001
Phone : (91-674) 2536736 /2390818 (Fax)
e-mail : iprsec.or@nic.in

**News ID-IPR/Culture(Od)/1000/20-09-2021**

## ପଦ୍ମଶ୍ରୀ ସୁଦର୍ଶନ ପଟ୍ଟନାୟକ
## ଓଡ଼ିଶା ଲଳିତ କଳା ଏକାଡେମୀର ସଭାପତି ରୂପେ ପୁନଃମନୋନୀତ

ଭୁବନେଶ୍ୱର,୨୦/୦୯/୨୦୨୧:

ମୁଖ୍ୟମନ୍ତ୍ରୀ ଶ୍ରୀ ନବୀନ ପଟ୍ଟନାୟକଙ୍କ ଦ୍ୱାରା ବିଶ୍ୱବିଖ୍ୟାତ ବାଲୁକା ଶିଳ୍ପୀ ପଦ୍ମଶ୍ରୀ ସୁଦର୍ଶନ ପଟ୍ଟନାୟକଙ୍କୁ ଓଡ଼ିଶା ଲଳିତ କଳା ଏକାଡେମୀର ସଭାପତି ରୂପେ ପୁନଃମନୋନୀତ କରାଯାଇଛି । ବାଲୁକା ଶିଳ୍ପୀ ଶ୍ରୀ ପଟ୍ଟନାୟକ ଓଡ଼ିଶା ଲଳିତ କଳା ଏକାଡେମୀର ସଭାପତି ରୂପେ ୨୦୧୮ ମସିହାରୁ କାର୍ଯ୍ୟନିର୍ବାହ କରିଆସୁଥିଲେ । ତାଙ୍କର କାର୍ଯ୍ୟକାଳ ସରୁଥିବାରୁ ଆଗାମୀ ୩ ବର୍ଷ ପାଇଁ ତାଙ୍କୁ ଲଳିତ କଳା ଏକାଡେମୀର ସଭାପତି ରୂପେ  କାର୍ଯ୍ୟନିର୍ବାହ ନିମନ୍ତେ ଓଡ଼ିଆ ଭାଷା, ସାହିତ୍ୟ ଓ ସଂସ୍କୃତି ବିଭାଗ ପକ୍ଷରୁ ବିଜ୍ଞପ୍ତି ପ୍ରକାଶ ପାଇଛି ।

ସୁବାଷ ନିଆଲ
ସୂଚନା ଅଧିକାରୀ